# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 29 March – 2025

**********************************

## ମୁଖ୍ୟ ସମ୍ବାଦ

- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଆକାଶବାଣୀର 'ମନ୍ କି ବାତ୍' କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ କରିବେ ଭାବବିନିମୟ
- ଭବାନୀପାଟଣାଠାରେ ଆସନ୍ତାକାଲି ଅନ୍ତ୍ୟୋଦୟ ଗୃହ ଯୋଜନାର ଶୁଭାରମ୍ଭ କରିବେ ମୁଖ୍ୟମନ୍ତ୍ରୀ
- ବିଜେପି ରାଷ୍ଟ୍ରୀୟ ଅଧ୍ୟକ୍ଷ ଜଗତ ପ୍ରକାଶ ନଡ୍ଡା ଆସନ୍ତା ମାସ ୧୨ ତାରିଖ ଦିନ ଓଡ଼ିଶା ଗସ୍ତରେ ଆସିବେ
- ମହାନ ସ୍ୱାଧୀନତା ସଂଗ୍ରାମୀ ସହିଦ ଲକ୍ଷ୍ମଣ ନାୟକଙ୍କର ଶ୍ରାଦ୍ଧଦିବସରେ ରାଜ୍ୟବାସୀ ଦେଲେ ଶ୍ରଦ୍ଧାଞ୍ଜଳି

ଏବଂ

- ରାଜ୍ୟର ଆଭ୍ୟନ୍ତରୀଣ ଓ ପଶ୍ଚିମାଞ୍ଚଳ ଜିଲ୍ଲାଗୁଡ଼ିକରେ ଗ୍ରୀଷ୍ମ ପ୍ରବାହ ଜାରି

*Desk*

# ପିଏମ୍-ମନ୍ କି ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟା ବେଳେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଉଦ୍‌ବୋଧନ ଦେବେ । ଏହା ହେବ ମନ୍ କି ବାତ୍ କାର୍ଯ୍ୟକ୍ରମର ୧୨୦ତମ ସଂସ୍କରଣ । ଏହି କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ ନେଟୱର୍କ, ଆକାଶବାଣୀ ୱେବ୍‌ସାଇଟ୍ ଓ Newsonair  ମୋବାଇଲ୍ App ରେ ଉପଲବ୍ଧ ହେବ । ଏହା ମଧ୍ୟ ଆକାଶବାଣୀ, DD News, PMO ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ସିଧା ପ୍ରସାରଣ ହେବ । ହିନ୍ଦୀ ଭାଷାରେ ପ୍ରସାରଣ ପରେ  ଆକାଶବାଣୀରେ ଏହି କାର୍ଯ୍ୟକ୍ରମର ଆଞ୍ଚଳିକ ଭାଷାନ୍ତରଣ ପ୍ରସାରଣ କରାଯିବ ।  ରାତି ୮ଟାରେ ଆଞ୍ଚଳିକ ଭାଷାନ୍ତରଣର ପୁନଃ ପ୍ରସାରଣ କରାଯିବ ।

***Kalahandi***

# ଅନ୍ତ୍ୟୋଦୟ ଗୃହ ଯୋଜନା

ରାଜ୍ୟ ସରକାର ଆସନ୍ତାକାଲି କଳାହାଣ୍ଡି ଜିଲ୍ଲା ଭବାନୀପାଟଣାଠାରେ ଅନ୍ତୋଦୟ ଗୃହ ଯୋଜନାର ଶୁଭାରମ୍ଭ କରିବେ। ଯୋଜନାର ପ୍ରଥମ ପର୍ଯ୍ୟାୟରେ କଳାହାଣ୍ଡି ଜିଲ୍ଲାର ୩ ହଜାର ୨୦୦ ହିତାଧିକାରୀଙ୍କ ସମେତ ରାଜ୍ୟର ୫୦ ହଜାରରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କୁ ଏହି ଯୋଜନାରେ ସାମିଲ କରାଯିବ। ଦାରିଦ୍ର୍ୟ ସୀମାରେଖା ତଳେ ରହୁଥିବା ଗରିବ ପରିବାରକୁ ପକ୍‌କା ଘର ଯୋଗାଇଦେବା ପାଇଁ ରାଜ୍ୟ ସରକାର ଆଗାମୀ ଆର୍ଥିକବର୍ଷରେ ବଜେଟ୍‌ରେ ୭ ହଜାର ୫୫୦ କୋଟି ଟଙ୍କାର ବ୍ୟୟ ବରାଦ କରିଛନ୍ତି।

ଚଳିତବର୍ଷ ଏହି ଯୋଜନା ଅଧୀନରେ ପକକା ଘର ଦେବା ପାଇଁ ୨ ହଜାର ୬୦୩ କୋଟି ଟଙ୍କାର ଅର୍ଥ ବ୍ୟୟ ବରାଦ କରାଯାଇଛି। ସ୍ୱଳ୍ପ ଆୟକାରୀ ପରିବାରଙ୍କୁ ଅନ୍ତ୍ୟୋଦୟ ଗୃହ ଯୋଜନାରେ ମାଗଣା ଘର ଯୋଗାଇ ଦିଆଯିବ। ମୁଖ୍ୟମନ୍ତ୍ରୀଙ୍କର କଳାହାଣ୍ଡି ଜିଲ୍ଲା ଗସ୍ତ ସମୟରେ ପ୍ରାୟ ୫ଶହ କୋଟି ଟଙ୍କାର ନୂତନ ପ୍ରକଳ୍ପର ଶିଳାନ୍ୟାସ ଓ ଉଦ୍‌ଘାଟନ କରିବାର କାର୍ଯ୍ୟକ୍ରମ ରହିଛି। ମୁଖ୍ୟମନ୍ତ୍ରୀଙ୍କ ଗସ୍ତ ପାଇଁ ପ୍ରଶାସନ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଥିବା ଜିଲ୍ଲାପାଳ ସଚିନ ପାୱାର ପ୍ରକାଶ କହିଛନ୍ତି।

**- V/O –**

***Desk***

## ବିଧାନସଭା-୨

ସୁଭଦ୍ରା ଯୋଜନାର ୧ ଲକ୍ଷ ୪୩ ହଜାର ୭୮୫ ଜଣ ହିତାଧିକାରୀ ବାଦ୍ ପଡ଼ିଛନ୍ତି ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଗୃହରେ କହିଛନ୍ତି। ସୁଭଦ୍ରା ଯୋଜନାର ପ୍ରଥମ ଓ ଦ୍ୱିତୀୟ କିସ୍ତି ପ୍ରଦାନ ସମ୍ପର୍କରେ ଏକ ପ୍ରଶ୍ନର ଉତ୍ତରରେ ଉପମୁଖ୍ୟମନ୍ତ୍ରୀ କହିଛନ୍ତି, ସୁଭଦ୍ରାର ପ୍ରଥମ କିସ୍ତିରେ ୧ କୋଟି ୬୫ ହଜାର ୮୭୭ ଜଣ ମହିଳାଙ୍କୁ ସହାୟତା ରାଶି ପ୍ରଦାନ କରାଯାଇଛି। ରାଜ୍ୟ ସରକାର ଏ ବାବଦରେ ୫ ହଜାର ୩୨ କୋଟି ୯୩ ଲକ୍ଷ ଟଙ୍କା ପ୍ରଦାନ କରିଛନ୍ତି। ସେହିଭଳି ଦ୍ୱିତୀୟ କିସ୍ତିରେ ସୁଭଦ୍ରା ଯୋଜନାର ହିତାଧିକାରୀମାନଙ୍କୁ ୪ ହଜାର ୯୪୧ କୋଟି ୪ ଲକ୍ଷ ଟଙ୍କା ପ୍ରଦାନ କରାଯାଇଛି ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି।

*Desk*

## ବିଧାନସଭା-୧

ଦ୍ୱ୦୧୯ରୁ ଦ୍ୱ୦ଦ୍ୱ୪ ମସିହା ମଧ୍ୟରେ ୪ କୋଟି ୮୪ ଲକ୍ଷ ୧୦ ହଜାରରୁ ଊର୍ଦ୍ଧ୍ୱ ପର୍ଯ୍ୟଟକ ରାଜ୍ୟର ବିଭିନ୍ନ ପର୍ଯ୍ୟଟନସ୍ଥଳୀ ପରିଦର୍ଶନ କରିଛନ୍ତି ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି । ସଦସ୍ୟ ଅରୁଣ କୁମାର ସାହୁଙ୍କର ଏକ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଛନ୍ତି, ଏହି ସମୟସୀମା ମଧ୍ୟରେ ଦ୍ୱ ଲକ୍ଷ ଦ୍ୱ୩ ହଜାର ୬ଦ୍ୱ୫ ଜଣ ବିଦେଶୀ ପର୍ଯ୍ୟଟକ ରାଜ୍ୟର ବିଭିନ୍ନ ପର୍ଯ୍ୟଟନସ୍ଥଳୀ ପରିଦର୍ଶନ କରିଛନ୍ତି । ଓଡ଼ିଶାର ସାଂସ୍କୃତିକ ଐତିହ୍ୟ, ବେଳାଭୂମି ଏବଂ ଐତିହାସିକ ସ୍ଥାନଗୁଡ଼ିକ ବିଦେଶୀ ପର୍ଯ୍ୟଟକଙ୍କୁ ଆକର୍ଷିତ କରୁଛି ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା ଗୃହରେ କହିଛନ୍ତି ।  ବିଶ୍ୱ ପର୍ଯ୍ୟଟନ ମାନଚିତ୍ରରେ ରାଜ୍ୟର ସ୍ଥିତିକୁ ସୁଦୃଢ଼ କରିବା ପାଇଁ ସରକାର ବ୍ୟାପକ ରଣନୀତି କାର୍ଯ୍ୟକାରୀ କରୁଛନ୍ତି । ଏଥିରେ ପର୍ଯ୍ୟଟନ ଭିତ୍ତିଭୂମିର ବିକାଶ ସହିତ ପର୍ଯ୍ୟଟନସ୍ଥଳୀ ଗୁଡ଼ିକର ସୌନ୍ଦର୍ଯ୍ୟକରଣ କାମ ଚାଲୁ ରହିଛି ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଛନ୍ତି ।

*HS*

## ଜେପି ନଡ୍ଡା ଓଡ଼ିଶା ଗସ୍ତ

ବିଜେପି ରାଷ୍ଟ୍ରୀୟ ଅଧ୍ୟକ୍ଷ ଜେପି ନଡ୍ଡା ଆସନ୍ତା ମାସ ୧ଦ୍ୱ ତାରିଖରେ ଓଡ଼ିଶା ଗସ୍ତରେ ଆସିବେ ବୋଲି କନ୍ଧମାଳ ସାଂସଦ ସୁକାନ୍ତ ପାଣିଗ୍ରାହୀ କହିଛନ୍ତି । ଗଣମାଧ୍ୟମକୁ ସୂଚନା ଦେଇ ଶ୍ରୀ ପାଣିଗ୍ରାହୀ କହିଛନ୍ତି, ଶ୍ରୀ ନଡ୍ଡା

ଓଡିଶା ଗସ୍ତରେ ଆସି ଦଳର ସାଂଗଠନିକ କାର୍ଯ୍ୟରେ ଯୋଗଦେବେ । ଏପ୍ରିଲ ମାସ ୧୪ ତାରିଖ ପରେ ରାଜ୍ୟ ସଭାପତିଙ୍କ ନାଁ ଘୋଷଣା ହେବାର ସମ୍ଭାବନା ରହିଛି ।

***Puri***

## ଶ୍ରୀମନ୍ଦିର ଦର୍ଶନ

ଓଡ଼ିଶା ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ହରିସ ଟଣ୍ଡନ ଆଜି ପୁରୀ ଗସ୍ତରେ ଆସି ସପରିବାର ସହ ଶ୍ରୀମନ୍ଦିରରେ ଶ୍ରୀଜୀଉମାନଙ୍କୁ ଦର୍ଶନ କରିଛନ୍ତି । ରତ୍ନବେଦୀରେ ଶ୍ରୀଜୀଉମାନଙ୍କୁ ଦର୍ଶନ କରିବା ସହ ପାର୍ଶ୍ୱ ଦେବଦେବୀଙ୍କୁ ଦର୍ଶନ କରିବାର ସୁଯୋଗ ପାଇଥିଲେ । ଶ୍ରୀମନ୍ଦିରର ନୀଳଚକ୍ରରେ ବାନାବନ୍ଧା କାର୍ଯ୍ୟକୁ ମୁଖ୍ୟ ବିଚାରପତି ଦେଖିଥିଲେ ।

***Ganjam/Koraput/BBSR/R/***

## ଲକ୍ଷ୍ମଣ ନାୟକ ଶ୍ରାଦ୍ଧଦିବସ

ମହାନ ସ୍ୱାଧୀନତା ସଂଗ୍ରାମୀ ସହିଦ୍ ଲକ୍ଷ୍ମଣ ନାୟକଙ୍କ ରାଜ୍ୟସ୍ତରୀୟ ଶ୍ରାଦ୍ଧ ଦିବସ ଆଜି ପାଳିତ ହୋଇଯାଇଛି । ଭୁବନେଶ୍ୱରସ୍ଥିତ ଆଦିବାସୀ ପ୍ରଦର୍ଶନୀ ପଡ଼ିଆ ଏବଂ କଳିଙ୍ଗ ହସ୍ପିଟାଲ ଛକସ୍ଥିତ ସହିଦ୍ ଲକ୍ଷ୍ମଣ ନାୟକଙ୍କ ପ୍ରତିମୂର୍ତ୍ତିରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଯୋଗଦେଇ ମାଲ୍ୟାର୍ପଣ କରିଥିଲେ । କାର୍ଯ୍ୟକ୍ରମରେ ବିଧାୟକ ରୂପୁ ଭତ୍ରା, ପୂର୍ବତନ ବିଧାୟକ ଅରବିନ୍ଦ ଢାଲି ପ୍ରମୁଖ ଯୋଗଦେଇ ସହିଦ୍‌ଙ୍କ ସ୍ମୃତିଚାରଣ କରିବା ସହ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ । ଏହି ଅବସରରେ ଭୁବନେଶ୍ୱରସ୍ଥିତ

ଶବରୀ ସାଂସ୍କୃତିକ ସଂସଦର କର୍ମକର୍ତ୍ତା, ବୁଦ୍ଧିଜୀବୀ, ସମାଜସେବୀ, ବିଭିନ୍ନ ଛାତ୍ର ସଂଗଠନର ପ୍ରତିନିଧି ଓ କର୍ମକର୍ତ୍ତା ପ୍ରମୁଖ ଉପସ୍ଥିତ ଥିଲେ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସାମାଜିକ ଗଣମାଧ୍ୟମରେ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ମହାନ ଜନଜାତି ନାୟକ ସହିଦ ଲକ୍ଷ୍ମଣ ନାୟକଙ୍କ ବଳିଦାନ ଦିବସ ଅବସରରେ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି। ସହିଦଙ୍କ ତ୍ୟାଗ, ବଳିଦାନ ଓ ଦେଶପ୍ରେମ ରାଜ୍ୟବାସୀଙ୍କ ମନରେ ଅମର ହୋଇ ରହିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

କୋରାପୁଟ ସଦର ମହକୁମାସ୍ଥିତ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ଛକରେ ସହିଦ ଲକ୍ଷ୍ମଣ ନାୟକଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଛି। ଏହି ଅବସରରେ ଆୟୋଜିତ ସ୍ମୃତିସଭାରେ ଜିଲ୍ଲା ପରିଷଦ ସଭାପତି ସସ୍ମିତା ମେଲେକା, ଜିଲ୍ଲାପାଳ ଭି.କୀର୍ତ୍ତିବାସନଙ୍କ ସମେତ ଓ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗ ଦେଇଥିଲେ। ସଭାରେ କୃତି ପ୍ରତିଯୋଗୀମାନଙ୍କୁ ଅତିଥିମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା।

ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ମଣ୍ଡଳ କାରାଗାର ପରିସରରେ ସହିଦ ଲକ୍ଷ୍ମଣ ନାୟକଙ୍କ ତିରୋଧାନ ଦିବସ ପାଳନ କରାଯାଇଛି। ସ୍ମୃତିସଭାରେ ନଗର ନିଗମ ମେୟର ସଂଘମିତ୍ରା ଦଳେଇ, ମଣ୍ଡଳ କାରଗାର ଅଧୀକ୍ଷକ ଧୀରେନ୍ଦ୍ରନାଥ ବାରିକଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ସୂଚନା ଓ ଲୋକସମ୍ପର୍କ ବିଭାଗ ଓ କାରାଗାରର ସମସ୍ତ ଅଧିକାରୀ ଉପସ୍ଥିତ ଥିଲେ।

*Sambalpur*

## ବରିଷ୍ଠ ନାଗରିକ ତୀର୍ଥଯାତ୍ରା

ବରିଷ୍ଠ ନାଗରିକ ତୀର୍ଥଯାତ୍ରୀ ଯୋଜନାରେ ଆଜି ସମ୍ବଲପୁରରୁ ଯାତ୍ରୀମାନେ ଅଯୋଧ୍ୟା-ବାରଣାସୀ ଅଭିମୁଖେ ଯାତ୍ରା ଆରମ୍ଭ କରିଛନ୍ତି। ସମ୍ବଲପୁର, ଅନୁଗୁଳ, ବରଗଡ଼, ସୁନ୍ଦରଗଡ଼, ବଲାଙ୍ଗିର, ସୁବର୍ଣ୍ଣପୁର, ଝାରସୁଗୁଡ଼ା ଓ ଦେବଗଡ଼ ଜିଲ୍ଲାରୁ ୭୭୫ ଜଣ ବରିଷ୍ଠ ନାଗରିକମାନେ ଯାତ୍ରା କରିଛନ୍ତି। ଉତ୍ତରାଞ୍ଚଳ ଆର୍.ଡି.ସି. ସଚ୍ଚିନ ରାମଚନ୍ଦ୍ର ଯାଦବ ଓ ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର ପତାକା ଦେଖାଇ ଏହି ଯାତ୍ରାର ଶୁଭାରମ୍ଭ କରିଥିଲେ। ଯାତ୍ରୀମାନଙ୍କ ପାଇଁ ଖାଦ୍ୟ, ପାନୀୟ, ଆଶ୍ରୟସ୍ଥଳୀର ବ୍ୟବସ୍ଥା କରାଯାଇଛି।

*Puri*

## ପାଳିଆ ସେବକ

ଚଳିତ ବର୍ଷ ପୁରୀ ରଥଯାତ୍ରାକୁ ଶୃଙ୍ଖଳିତ କରିବା ପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଶ୍ରୀମନ୍ଦିର ପାଳିଆ ସେବକମାନଙ୍କୁ ପ୍ରଶିକ୍ଷଣ ଦିଆଯିବ। ଆସନ୍ତା ମାସ ୪ ଓ ୫ ତାରିଖ ଦୁଇଦିନ ଧରି ପୂର୍ବାହ୍ନ ୧୦ଟାରୁ ଅପରାହ୍ନ ୫ଟା ପର୍ଯ୍ୟନ୍ତ ନୀଳାଦ୍ରୀ ଭକ୍ତ ନିବାସ ପରିସରରେ ଏହି ପ୍ରଶିକ୍ଷଣ ଅନୁଷ୍ଠିତ ହେବ। ଶ୍ରୀମନ୍ଦିର ବରିଷ୍ଠ ଅଧିକାରୀଙ୍କ ସହ ଶ୍ରୀଜଗନ୍ନାଥ ସଂସ୍କୃତି ଗବେଷକ, ମହାପ୍ରଭୁଙ୍କ ନୀତିକାନ୍ତି ଉପରେ ଅଭିଜ୍ଞ ଓ ବରିଷ୍ଠ ସେବାୟତମାନେ ଏଥିରେ ଯୋଗଦେଇ ପ୍ରଶିକ୍ଷଣ ଦେବାର କାର୍ଯ୍ୟକ୍ରମ

ରହିଛି । ମହାପ୍ରଭୁଙ୍କ ଦୈନନ୍ଦୀନ ସେବାରେ ନିୟୋଜିତ ସେବାୟତମାନେ ଏହି ପ୍ରଶିକ୍ଷଣ ନେବେ ।

***BHK***

## ଯୋଗ ପ୍ରଶିକ୍ଷଣ

ଭଦ୍ରକ ଜିଲ୍ଲା ବନ୍ତ ସରକାରୀ ବାଳିକା ଉଚ୍ଚବିଦ୍ୟାଳୟରେ ଯୋଗ, ଧ୍ୟାନ ଶିବିର ଅନୁଷ୍ଠିତ ହୋଇଯାଇଛି । ମାନସିକ ରୋଗ ବିଶେଷଜ୍ଞ ଡାକ୍ତର ଯୋଗଦେଇ ଛାତ୍ରୀମାନଙ୍କ ଶାରୀରିକ, ମାନସିକ ସ୍ୱାସ୍ଥ୍ୟକୁ ଯୋଗଦ୍ୱାରା ସୁସ୍ଥ ରଖାଯାଇପାରିବ ବୋଲି ପରାମର୍ଶ ଦେଇଥିଲେ । ଏହି ଶିବିରରେ ଛାତ୍ରୀମାନଙ୍କୁ ଯୋଗ ଓ ଧ୍ୟାନ ପାଇଁ ପ୍ରଶିକ୍ଷଣ ଦିଆଯାଇଥିଲା ।

***Boudh***

## ବୌଦ୍ଧ ସ୍କୁଲ ମେଳା

ବୌଦ୍ଧ ସରକାରୀ ଉଚ୍ଚବିଦ୍ୟାଳୟଠାରେ ସମଗ୍ର ଶିକ୍ଷା ପକ୍ଷରୁ ଜିଲ୍ଲାସ୍ତରୀୟ ନିପୁଣ ଓଡ଼ିଶା ମେଳା ଓ ମୌଳିକ ସାକ୍ଷରତା ଏବଂ ସଂଖ୍ୟାଜ୍ଞାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପଗୁଡ଼ିକୁ ପ୍ରଦର୍ଶନ କରାଯାଇଥିଲା ଏବଂ କୃତି ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯାଇଥିଲା ।

***Desk***

## ଓକିଲ ସଂଘ କର୍ମକର୍ତ୍ତା ନିର୍ବାଚନ

ଓଡ଼ିଶା ହାଇକୋର୍ଟ ସମେତ ରାଜ୍ୟର ଅନ୍ୟ ସମସ୍ତ ଅଦାଲତଗୁଡ଼ିକର ଓକିଲ ସଂଘର କର୍ମକର୍ତ୍ତା ନିର୍ବାଚନ ଆଜି ଅନୁଷ୍ଠିତ ହୋଇଯାଇଛି ।

କେତେକ ସ୍ଥାନରେ ନିର୍ବାଚନ ଫଳାଫଳ ପ୍ରକାଶ ପାଇଥିବା ବେଳେ ଅନ୍ୟ କେତେକ ସ୍ଥାନରେ ଓକିଲ ସଂଘ ନିର୍ବାଚନ ଫଳାଫଳ ପ୍ରକାଶ ପାଇନାହିଁ। ନିର୍ବାଚନରେ ପଞ୍ଜୀକୃତ ଆଇନଜୀବୀମାନେ ଶାନ୍ତିଶୃଙ୍ଖଳାର ସହ ମତଦାନ କରିଥିବା ସମ୍ବାଦ ଆମର ହସ୍ତଗତ ହୋଇଛି।

***Desk***

## ପାଣିପାଗ

ପାଣିପାଗ ବିଭାଗର ସୂଚନା ଅନୁସାରେ, ଆସନ୍ତା ଦୁଇଦିନ ପର୍ଯ୍ୟନ୍ତ ରାଜ୍ୟର ଆଭ୍ୟନ୍ତରୀଣ ଓ ପଶ୍ଚିମ ଜିଲ୍ଲାଗୁଡ଼ିକରେ ଗ୍ରୀଷ୍ମ ପ୍ରବାହ ବୃଦ୍ଧି ପାଇବ । ଏହି ଜିଲ୍ଲାଗୁଡ଼ିକର କେତେକ ସ୍ଥାନରେ ତାପମାତ୍ରା ୪୩ ଡିଗ୍ରୀରୁ ଊର୍ଦ୍ଧ୍ୱରେ ରହିବ ଏବଂ ଉପକୂଳ ଜିଲ୍ଲାଗୁଡ଼ିକରେ ମଧ୍ୟ ତାପମାତ୍ରା ୪୦ ଡିଗ୍ରୀରୁ ଅଧିକ ରହିବାର ସମ୍ଭାବନା ରହିଛି । ସମ୍ବଲପୁରରେ ଆଜି ଦିନର ସର୍ବାଧିକ ତାପମାତ୍ରା ୪୨ ଡିଗ୍ରୀ ସେଲ୍‌ସିୟସ୍ ରେକର୍ଡ ରାଯାଇଥିବାବେଳେ ହୀରାକୁଦରେ ୪୧ ଦଶମିକ ୭ ଏବଂ ଝାରସୁଗୁଡ଼ାରେ ୪୧ ଦଶମିକ ୬ ଡିଗ୍ରୀ ସେଲସିୟସ ରେକର୍ଡ କରାଯାଇଛି।

ଆସନ୍ତା ୨ ଦିନ ମଧରେ ରାଜ୍ୟ କେତେକ ସ୍ଥାନରେ ସର୍ବାଧିକ ଦିନ ତାପମାତ୍ରା ୨ରୁ ୩ ଡ଼ିଗ୍ରୀ ବୃଦ୍ଧି ପାଇବା ନେଇ ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି। ଅନ୍ୟପକ୍ଷରେ ଆସନ୍ତା ୫ ଦିନ ମଧରେ ସର୍ବନିମ୍ନ ରାତି ତାପମାତ୍ରାରେ ବିଶେଷ ପରିବର୍ତ୍ତନର ସମ୍ଭାବନା ନାହିଁ।